ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/MSME(OD)/ 1414/08-03-2021**

# ରାଜ୍ୟସ୍ତରୀୟ ଓଡ଼ିଶା ଦିବସ ୨୦୨୧ ପାଳନ ନେଇ ପ୍ରସ୍ତୁତି ବୈଠକ

- କୋଭିଡ୍ ନିୟମ ଅନୁପାଳନ ସହ ପରିବେଷିତ ହେବ ଉଚ୍ଚକୋଟୀର ସାଂସ୍କୃତିକ କାର୍ଯ୍ୟକ୍ରମ
- ଫଟୋ ପ୍ରଦର୍ଶନୀରେ ସ୍ଥାନ ପାଇବ ବରପୁତ୍ରଙ୍କ ଜୀବନୀ

ଭୁବନେଶ୍ୱର, ୮/୩/୨୦୨୧

ଆଜି ଓଡ଼ିଶା ଦିବସ ୨୦୨୧ ଉପଲକ୍ଷେ ପ୍ରସ୍ତୁତି ବୈଠକ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ପ୍ରଦୀପ କୁମାର ଜେନାଙ୍କ ଅଧ୍ୟକ୍ଷତାରେ ଲୋକସେବା ଭବନ ସ୍ଥିତ ଦ୍ୱିତୀୟ ମହଲା ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ କୋଭିଡ୍ ନିୟମାବଳୀ ଅନୁପାଳନ ପୂର୍ବକ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ ଲାଗି ନିଷ୍ପତ୍ତି ହୋଇଛି । ପ୍ରଭାତ ଫେରିଠାରୁ ଆରମ୍ଭ କରି ଆଲୋକ ସଜ୍ଜା, ସାଂସ୍କୃତିକ କାର୍ଯ୍ୟକ୍ରମ, ନିରାପତ୍ତା ବ୍ୟବସ୍ଥା, ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରତିଯୋଗିତା ଆୟୋଜନ, ଫଟୋଚିତ୍ର ପ୍ରଦର୍ଶନୀ ଆଦି ମୋଟି ୨୦ଟି ପ୍ରସ୍ତାବ ଉପରେ ଆଲୋଚନା ହୋଇ ନିଷ୍ପତ୍ତି ନିଆଯାଇଛି ।

ଚଳିତ ଓଡ଼ିଶା ଦିବସ-୨୦୨୧ରେ ପୂର୍ବବର୍ଷ ଭଳି ପ୍ରଭାତଫେରି ଆୟୋଜନ କରାଯିବ । ଏଥିରେ ଭୁବନେଶ୍ୱର ମହାନଗର ନିଗମ ଅନ୍ତର୍ଗତ ସମସ୍ତ ଅଞ୍ଚଳରେ ସକାଳ ୬ଟାରୁ ୭ଟା ମଧ୍ୟରେ ଓଡ଼ିଆ ଦେଶାତ୍ମବୋଧକ ସଂଗୀତ ବାଦନ କରାଯିବ ।

ଚଳିତ ବର୍ଷ ଓଡ଼ିଶା ଦିବସ ଉତ୍କଳମଣ୍ଡପଠାରେ ଆୟୋଜନ କରାଯିବାକୁ ସ୍ଥିର ହୋଇଛି । କୋଭିଡ୍ ମାର୍ଗଦର୍ଶିକାର ସଠିକ୍ ଅନୁପାଳନ ସହିତ ସାଂସ୍କୃତିକ କାର୍ଯ୍ୟକ୍ରମ କରାଯିବାକୁ ସ୍ଥିର ହୋଇଛି । ସଂସ୍କୃତି ବିଭାଗ ପକ୍ଷରୁ ଓଡ଼ିଶାର ବଛାବଛା ସାଂସ୍କୃତିକ ଦଳମାନଙ୍କୁ ନେଇ ଚିତ୍ତାକର୍ଷକ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ କରାଯିବ । ଏଥିପାଇଁ ଆବଶ୍ୟକ ସମସ୍ତ ଆନୁଷଙ୍ଗିକ ବ୍ୟବସ୍ଥା ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ଆୟୋଜନ କରିବାକୁ ନିଷ୍ପତ୍ତି ହୋଇଛି ।

ଓଡ଼ିଶା ଦିବସ ଅବସରରେ ରାଜଭବନ, ସଚିବାଳୟ, ବିଧାନସଭା ସୌଧ, ରବିନ୍ଦ୍ରମଣ୍ଡପ ଆଦି ସରକାରୀ କୋଠାକୁ ରଙ୍ଗୀନ ଆଲୋକମାଳାରେ ସଜ୍ଜିତ କରାଯିବ । ଏଥି ସହିତ ଅନ୍ୟାନ୍ୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ କାର୍ଯ୍ୟାଳୟ, ଭାରତୀୟ ରିଜର୍ଭ ବ୍ୟାଙ୍କ, ଷ୍ଟେଟ୍‌ବ୍ୟାଙ୍କ ମୁଖ୍ୟ କାର୍ଯ୍ୟାଳୟର ଆଲୋକୀକରଣ ଲାଗି ରାଜ୍ୟ ସରକାରଙ୍କ ପକ୍ଷରୁ ସଂପୃକ୍ତ ସଂସ୍ଥାକୁ ଅନୁରୋଧ କରାଯିବ ।

ଉତ୍ସବ ସ୍ଥାନ ଓ ନିକଟବର୍ତ୍ତୀ ରାସ୍ତାମାନଙ୍କରେ ନିରାପତ୍ତା, ଯାନବାହନ ନିୟନ୍ତ୍ରଣ ଏବଂ ପାର୍କିଂ ପାଇଁ କମିଶନରେଟ୍ ପୁଲିସ୍ ପକ୍ଷରୁ ସ୍ୱତନ୍ତ୍ର ବ୍ୟବସ୍ଥା କରାଯିବ । ସଭା ସ୍ଥଳରେ ପରିଚ୍ଛନ୍ନତା ପାଇଁ ଅସ୍ଥାୟୀ ଶୌଚାଳୟ ନିର୍ମାଣ କରାଯିବା ସହ ସଭାସ୍ଥଳକୁ ବିଏମ୍‌ସି ପକ୍ଷରୁ ସଂପୂର୍ଣ୍ଣ ରୂପେ ବିଶୋଧନ କରାଯିବ । ଅଗ୍ନିଶମ ସେବା ସଂସ୍ଥା ପକ୍ଷରୁ ଦମକଳ ଓ ଅଗ୍ନି ନିରୋଧକ ଯନ୍ତ୍ର ବ୍ୟବସ୍ଥା ପାଇଁ ନିଷ୍ପତ୍ତି ହୋଇଛି । ଆପଦକାଳୀନ ସେବା ପାଇଁ କ୍ୟାପିଟାଲ୍ ହସ୍‌ପିଟାଲ୍ ପକ୍ଷରୁ ଆମ୍ବୁଲାନ୍ସ ବ୍ୟବସ୍ଥା ଗ୍ରହଣ କରାଯିବ । ବିଗତ ବର୍ଷ ପରି ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଜିଲ୍ଲା ଓ ରାଜ୍ୟସ୍ତରରେ ଓଡ଼ିଆ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଉତ୍ସବରେ ଭାରତୀୟ ରେଡ୍‌କ୍ରସ ସଂସ୍ଥା, ଓଡ଼ିଶା ଶାଖା ପକ୍ଷରୁ ବିଭିନ୍ନ କ୍ଷେତ୍ରରେ କୃତିତ୍ୱ ହାସଲ କରିଥିବା ଦିବ୍ୟାଙ୍ଗ ବ୍ୟକ୍ତିବିଶେଷଙ୍କୁ ପୁରସ୍କାର ଓ ମାନପତ୍ର ପ୍ରଦାନ କରାଯିବ । ଓଡ଼ିଶା ଦିବସରେ ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ବରପୁତ୍ରମାନଙ୍କ ଜୀବନୀ ସଂପର୍କିତ ଫଟୋଚିତ୍ର ପ୍ରଦର୍ଶନୀ ଆୟୋଜନ କରାଯିବ । ଏହି ଅବସରରେ ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁର ସ୍ୱତନ୍ତ୍ର ସଂଖ୍ୟା ଉନ୍ମୋଚନ କରାଯିବାର କାର୍ଯ୍ୟକ୍ରମ ରହିଛି । ଟେଲିଭିଜନ୍ ଓ ସାମାଜିକ ଗଣମାଧ୍ୟମରେ କାର୍ଯ୍ୟକ୍ରମର ସିଧା ପ୍ରସାରଣ କରାଯିବ ।

ରାଜଧାନୀ ଭୁବନେଶ୍ୱର ସମେତ ନୂଆଦିଲ୍ଲୀ, କୋଲକାତା, ମୁମ୍ବାଇ, ଚେନ୍ନାଇ ସମେତ ପ୍ରତ୍ୟେକ ଜିଲ୍ଲା ସଦର ମହକୁମା ଏବଂ ଉପଖଣ୍ଡ ସଦର ମହକୁମାଠାରେ ଓଡ଼ିଶା ଦିବସ ପାଳନ କରାଯିବାକୁ ବୈଠକରେ ନିଷ୍ପତ୍ତି ହୋଇଛି ।

ଏହି ପ୍ରସ୍ତୁତି ବୈଠକରେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ବିଷ୍ଣୁପଦ ସେଠୀ, ସୂଚନା ଓ ଲୋକସଂପର୍କ ବିଭାଗ କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ, ପୂର୍ତ୍ତ ବିଭାଗ କମିଶନର ତଥା ଶାସନ ସଚିବ ଡ. କିଷନ କୁମାର, ସୂଚନା ଓ ଲୋକସଂପର୍କ ବିଭାଗର ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର, ନିର୍ଦ୍ଦେଶକ (ବୈଷୟିକ) ଶ୍ରୀ ନିରଞ୍ଜନ ସେଠୀ, ସଂସ୍କୃତି ବିଭାଗ ନିର୍ଦ୍ଦେଶକ ଶ୍ରୀ ରଞ୍ଜନ କୁମାର ଦାସ, ବିଡ଼ିଏ ସଚିବ ଶ୍ରୀ ହରିଶ ନାୟକଙ୍କ ସମେତ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀଗଣ ଉପସ୍ଥିତ ଥିଲେ ।

ସୁଜିତ ସ୍ୱାଇଁ
ସୂଚନା ଅଧିକାରୀ